# ତହସିଲଦାରଙ୍କ କାର୍ଯ୍ୟାଳୟ, ମ.ରାମପୁର

ପତ୍ର ସଂଖ୍ୟା- ୪୨୬୬ ତାରିଖ- 29.11.24

ଏଲିଇନେସନ ମାମଲା ସଂଖ୍ୟା- ୧୪ /୨୦୨୪

## ଇସ୍ତାହାର

ଏତଦ୍ୱାରା ଡୁଡୁକାରଞ୍ଜା ଗ୍ରା.ପ. ଅଧିନସ୍ଥ ଗୁଣ୍ଡୁରୁପି ଗ୍ରାମର ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇଦିଆଯାଉଅଛି ଯେ, ନିମ୍ନ ତଫସିଲଭୁକ୍ତ ସରକାରୀ ଜମିଟି ବିଦ୍ୟାଳୟ ଓ ଗଣ ଶିକ୍ଷା  ବିଭାଗ, ଓଡିଶା ସରକାରଙ୍କ ନାମରେ ବନ୍ଦୋବସ୍ତ କରାଯିବା ନିମନ୍ତେ ପ୍ରସ୍ତାବ ଆଗତ କରାଯାଇଅଛି। ଏଥି ସମ୍ବନ୍ଧୀୟ ମାମଲା ଏହି କାର୍ଯ୍ୟାଳୟରେ ଅନୁଷ୍ଠିତ କରାଯାଇ ତତ ସମ୍ବନ୍ଧୀୟ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି । ଉକ୍ତ ଜମି ଆବାଦଯୋଗ୍ୟ ଅନାବାଦୀ ଖାତାଭୁକ୍ତ ଏବଂ କିସମ ପତିତ ଅଟେ  ।  ଏହି ଜାଗା ଉପରେ ଗୁଣ୍ଡୁରୁପି ପ୍ରାଥମିକ ବିଦ୍ୟାଳୟ ସ୍ଥାପିତ ହୋଇ କାର୍ଯ୍ୟକାରୀ ହୋଇ ଆସୁଅଛି ।ଅତଏବ ଏହି ମାମଲା ଉପରେ  ଯଦି କାହାର କୌଣସି ଆପତ୍ତି/ ଅଭିଯୋଗ ଥାଏ ତାହେଲେ ଏହି ଇସ୍ତାହାର ଜାରି ହେବା ତାରିଖ ଠାରୁ ପରବର୍ତ୍ତୀ ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀ ଅଧିକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଆବଶ୍ୟକୀୟ କୋର୍ଟ ଫିଜ୍ ଷ୍ଟାମ୍ପ ଲଗାଇ ଏହାର ଶୁଣାଣି  ନିମନ୍ତେ ଆପତ୍ତି/ ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଗତେ କୌଣସି ଆପତ୍ତି/ ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ମାମଲା ଜମିର ବିବରଣୀ

| ମୌଜା | ଖାତାନଂ | ପ୍ଲ ନଂ | କିସମ | ମୋଟ ଏରିଆ | ପ୍ରସ୍ତାବିତ ଏରିଆ |
|---|---|---|---|---|---|
| ଗୁଣ୍ଡୁରୁପି | ୧୧ | ୫୩ | ଘରବାରି | ଏ 0.୪୨ ଡି | ଏ 0.୩୭ଡି |
| | (ଆବାଦ ଯୋଗ୍ୟ ଅନାବାଦି) | ୫୪ | ଘରବାରି | ଏ 0.0୫ଡି | ଏ 0.0୫ଡି |
| | | ୫୫ | ଘରବାରି | ଏ 0.0୧ଡି | ଏ 0.0୧ଡି |
| | | ୫୬ | ଘରବାରି | ଏ 0.0୨ଡି | ଏ 0.0୨ଡି |
| | | ୫୭ | ଘରବାରି | ଏ 0.0୧ଡି | ଏ 0.0୧ଡି |
| | | ୫୮ | ଘରବାରି | ଏ 0.0୧ଡି | ଏ 0.0୧ଡି |
| | | ୫୯ | ଘରବାରି | ଏ 0.0୫ଡି | ଏ 0.0୫ଡି |

ତହସିଲଦାର,
ମରାମପୁର
ତହସିଲଦାର
ମ.ରାମପୁର
29/11/24

ସ୍ମାରକ ସଂଖ୍ୟା ୪୨୬୭ ତାରିଖ - 29.11.24

ଏହି ଇସ୍ତାହାରର ଏକକିତା ନକଲ ଏହି କାର୍ଯ୍ୟାଳୟ ର ନୋଟିସ ଫଳକରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶିତ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, ବାରବନ୍ଧା ମଣ୍ଡଳ/ ସରପଞ୍ଚ, ଡୁଡୁକାରଞ୍ଜା ଗ୍ରା.ପଙ୍କୁ ପ୍ରେରଣ କରି ଅନୁରୋଧ କରାଗଲା କି ଜନସାଧାଣଙ୍କ ଅବଗତି ନିମନ୍ତେ ସେମାନଙ୍କ କାର୍ଯ୍ୟାଳୟର ନୋଟିସ ଫଳକରେ ପ୍ରକାଶିତ କରିବେ । ଏହା ଛଡା ଗୁଣ୍ଡୁରୁପି ଗ୍ରାମର ପ୍ରମୁଖ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା କେନ୍ଦ୍ର  ଅଧିକାରୀ (ଜାତୀୟ ସୂଚନା କେନ୍ଦ୍ର), କଳାହାଣ୍ଡିଙ୍କୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ କଳାହାଣ୍ଡି ଜିଲ୍ଲା ୱେବସାଇଟ(kalahandi.nic.in) ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା।

ତହସିଲଦାର,
ମରାମପୁର
ତହସିଲଦାର
ମ.ରାମପୁର
29/11/24